# ଭୁବନେଶ୍ୱର ମହାନଗର ନିଗମ, ଭୁବନେଶ୍ୱର

## କର୍ପୋରେସନ୍ ଏଷ୍ଟାବ୍ଲିସ୍‌ମେଂଟ ଷ୍ଟାଣ୍ଡିଂ କମିଟି ବୈଠକ ବିବରଣୀ

ତା ୧୮.୦୧.୨୦୨୩ ରିଖ

ସମୟ-ପୂର୍ବାହ୍ନ ଘ.୧୧.୦୦ ଟିକା
ସ୍ଥାନ- ନିଗମ ସଭାକକ୍ଷ "ଏକାମ୍ର"

ଉପସ୍ଥିତ ସଭ୍ୟ/ସଭ୍ୟା:-

୧. ଶ୍ରୀ କୁମାରେନ୍ଦ୍ର ମହାପାତ୍ର, ଚେୟାରମ୍ୟାନ୍,
୨. ଶ୍ରୀମତୀ ଧରିତ୍ରୀ ଜେନା,
୩. ଶ୍ରୀ ଦୀପକ କୁମାର ମିଶ୍ର,
୪. ଶ୍ରୀ ଅଚ୍ୟୁତାନନ୍ଦ ସ୍ୱାଇଁ,
୫. ଶ୍ରୀମତୀ ବନ୍ଦିତା ପାଲ୍,
୬. ଶ୍ରୀମତୀ ଲକ୍ଷ୍ମୀପ୍ରିୟା ପରିଡ଼ା

ଅଦ୍ୟ ତା ୧୮.୦୧.୨୦୨୩ ରିଖ ପୂର୍ବାହ୍ନ ଘ.୧୧.୦୦ ଟିକା ସମୟରେ ନିଗମ ସଭାକକ୍ଷ "ଏକାମ୍ର" ରେ ଭୁବନେଶ୍ୱର ମହାନଗର ନିଗମର କର୍ପୋରେସନ୍ ଏଷ୍ଟାବ୍ଲିସ୍‌ମେଂଟ ଷ୍ଟାଣ୍ଡିଂ କମିଟିର ଏକ ବୈଠକ ଅନୁଷ୍ଠିତ ହୋଇଥିଲା। ଏହି ବୈଠକରେ କମିଟିର ସଭାପତି ଶ୍ରୀ କୁମାରେନ୍ଦ୍ର ମହାପାତ୍ର ସଭାପତିତ୍ୱ କରିଥିଲେ। ପ୍ରାରମ୍ଭରେ ସଭାପତି ଉପସ୍ଥିତ ସଭ୍ୟ/ସଭ୍ୟା ମାନଙ୍କୁ ସ୍ୱାଗତ କରିବା ପରେ ସଭା କାର୍ଯ୍ୟ ଆରମ୍ଭ ହୋଇଥିଲା।

ପ୍ରସ୍ତାବ-୧. ସଭାପତିଙ୍କ ଅନୁମତି କ୍ରମେ ନିମ୍ନଲିଖିତ ପ୍ରସ୍ତାବ ଉପରେ ଆଲୋଚନା କରାଯାଇ ନିମ୍ନମତେ ସିଦ୍ଧାନ୍ତ ଗ୍ରହଣ କରାଗଲା।

ନିର୍ଦ୍ଧାରଣ-୧(୧). ଭୁବନେଶ୍ୱର ମହାନଗର ନିଗମ ୬୭ ଗୋଟି ୱାର୍ଡ଼କୁ ନେଇ ଗଠିତ, ୬୭ ଗୋଟି ୱାର୍ଡ ପାଇଁ ମାତ୍ର ୩୧ ଜଣ କମ୍ୟୁନିଟି ଅର୍ଗାନାଇଜର୍ ଥିବାରୁ ୱାର୍ଡ ଗୁଡ଼ିକର କାର୍ଯ୍ୟ ଠିକ୍ ରୂପେ ହୋଇପାରୁନାହିଁ, ତେଣୁ ଆଉ ୩୬ ଜଣ କମ୍ୟୁନିଟି ଅର୍ଗାନାଇଜର୍ ନିଯୁକ୍ତି କରିବା ପାଇଁ ରାଜ୍ୟ ସରକାରଙ୍କୁ ଅନୁରୋଧ କରିବା ଏବଂ ରାଜ୍ୟ ସରକାର ଉକ୍ତ କମ୍ୟୁନିଟି ଅର୍ଗାନାଇଜର୍ ନିଯୁକ୍ତି କରିବା ପର୍ଯ୍ୟନ୍ତ ଜୋନାଲ୍ ଡ଼େପୁଟି କମିଶନର ମାନେ ପ୍ରତ୍ୟେକ ୱାର୍ଡ଼କୁ ସପ୍ତାହକୁ ୨ ଦିନ ଲେଖାଏଁ ଦିନ ଧାର୍ଯ୍ୟ କରିବା ପାଇଁ ନିର୍ଦ୍ଦେଶ ଦେବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା।

ନିର୍ଦ୍ଧାରଣ-୧(୨). ଭୁବନେଶ୍ୱର ମହାନଗର ନିଗମ ଅଧିନରେ କାର୍ଯ୍ୟ କରୁଥିବା DLR/CLR ମାନଙ୍କୁ Health Insurance ଅନ୍ତର୍ଭୁକ୍ତ କରିବା ପାଇଁ ଏବଂ ଯେଉଁମାନେ ଚାକିରୀ ଥିବା ସମୟରେ ମୃତ୍ୟୁବରଣ କରୁଛନ୍ତି ସେମାନଙ୍କ ପରିବାରକୁ ଅନୁକମ୍ପା ମୂଳକ ଆର୍ଥିକ ସହାୟତା ଦେବାପାଇଁ ଆବଶ୍ୟକ ପଦକ୍ଷେପ ନେବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା।

ନିର୍ଦ୍ଧାରଣ-୧(୩). ଭୁବନେଶ୍ୱର ମହାନଗର ନିଗମରେ ୫୮ ଜଣ Data Entry Operator ସ୍ୱଳ୍ପ ଦରମାରେ କାର୍ଯ୍ୟ କରୁଥିଲେ। ସେମାନଙ୍କ ମଇ-୨୦୨୨ ମାସର ଦରମା ଦିଆଯାଇନଥିବାର କମିଟିଙ୍କ ଦୃଷ୍ଟିକୁ ଆସିଅଛି, ତେଣୁ ସେମାନଙ୍କର ଦରମା ଦେବାପାଇଁ କମିଟି ତାଙ୍କ ନିର୍ଦ୍ଧାରଣ ସଂଖ୍ୟା- ୧(୨) ତା ୨୧.୧୦.୨୦୨୨ ରିଖରେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରିଥିଲେ ମଧ ତାହା ଏପର୍ଯ୍ୟନ୍ତ କାର୍ଯ୍ୟକାରୀ ହୋଇନାହିଁ, ତେଣୁ ସେମାନଙ୍କର ପାରିଶ୍ରମିକ ପ୍ରାପ୍ୟ ଶୀଘ୍ର ପଇଠ କରିବା ନିମନ୍ତେ ନିର୍ଦ୍ଦେଶ ଦେବାପାଇଁ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା।

ସର୍ବ ଶେଷରେ ସମସ୍ତ ସଭ୍ୟ/ସଭ୍ୟା ମାନେ ବୈଠକରେ ଉପର ବର୍ଣ୍ଣିତ ଆଲୋଚନାରେ ଅଂଶଗ୍ରହଣ କରି ସୁଚିନ୍ତିତ ମତାମତ ପ୍ରଦାନ କରିଥିବାରୁ ସଭାପତି ସମସ୍ତଙ୍କୁ ଧନ୍ୟବାଦ ଦେବା ପରେ ଅପରାହ୍ନ ୧୨.୧୫ ମିନିଟ୍ ସମୟରେ ସଭା ସାଙ୍ଗ କରାଗଲା।

ସ୍ୱା/- କୁମାରେନ୍ଦ୍ର ମହାପାତ୍ର
ସଭାପତି
ତା ୧୮.୦୧.୨୦୨୩ ରିଖ